ଗ୍ରାମୀଣ କୃଷି ମୌସୁମୀ ସେବା

ଭାରତୀୟ ପାଣିପାଗ ବିଭାଗ

ଓଡ଼ିଶା କୃଷି ଓ ୍ୃଫୈଷୟିକ ଫିଶ୍ୱଫିଦୟା□ୟ

ଭୁବନେଶ୍ୱର, ଓଡ଼ିଶା

# କୃଷି ଉପଦେଶ ପ୍ରସାରିତ ସମାଚାର

**ତାରିଖ : 27-01-2026**

**ଖୋର୍ଦ୍ଧା(ଓଡିଶା) - :2026-01-27 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)**

| ପାଣିପାଗ କାରକ | 2026-01-28 | 2026-01-29 | 2026-01-30 | 2026-01-31 | 2026-02-01 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 32.0 | 32.0 | 33.0 | 33.0 | 33.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 15.0 | 15.0 | 16.0 | 16.0 | 16.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 90 | 91 | 91 | 91 | 88 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 31 | 36 | 34 | 30 | 30 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 5 | 4 | 2 | 3 | 3 |
| ପବନର ଦିଗ (ଡିଗ୍ରୀ) | 342 | 281 | 261 | 315 | 297 |
| ମେଘାଚ୍ଛନ (ଅକ୍ଟା) | 1 | 2 | 0 | 0 | 0 |
| ସତର୍କବାଣୀ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ |

## ପୂର୍ବାନୁମାନ ସାରାଂଶ:

ଭାରତୀୟ ପାଣିପାଗ ବିଭାଗର ପୂର୍ବନୁମାନ ଅନୁସାରେ, ଜିଲ୍ଲାରେ ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ଆକାଶ ପରିଷ୍କାର ରୁ ମୁଖ୍ୟତଃ ପରିଷ୍କାର ରହିବାର ସମ୍ଭାବନା ରହିଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ପବନ ୦୨ – ୦୫ କି.ମି. ପ୍ରତି ଘଣ୍ଟା ବେଗରେ ପ୍ରବାହିତ ହେବାର ସୂଚନା ରହିଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ସର୍ବୋଚ୍ଚ ତାପମାତ୍ରା ୩୨ – ୩୩ °C ମଧ୍ୟରେ ରହିବାର ସମ୍ଭାବନା ଥିବାବେଳେ ସର୍ବନିମ୍ନ ତାପମାତ୍ରା ୧୫ – ୧୬ °C ମଧ୍ୟରେ ରହିବାର ସମ୍ଭାବନା ରହିଅଛି ।

## ଆବହାବିକ ସତର୍କତା (ପରବର୍ତ୍ତୀ ଦିନ 08:30 IST ଯାଁଚାଯିବାକୁ):

| |
|---|
| କୌଣସି ଚେତାବନୀ ନାହିଁ । |

### ଆବହାବିକ ସତର୍କତାର କୃଷି ଉପରେ ସମ୍ଭାବ୍ୟ ପ୍ରଭାବ ଓ ସଂଶ୍ଳିଷ୍ଟ ଏଗ୍ରୋମେଟ ପରାମର୍ଶ:

| |
|---|
| ନାହିଁ |

### ସାଧାରଣ ଉପଦେଶ:

| |
|---|
| □ ଧାନ ରେ ମୂଳ ସଢା ରୋଗ ର ପରିଚାଳନା ପାଇଁ ଏକର ପ୍ରତି ୪୦୦-ଗ୍ରାମ Metalaxyl ଓ Mancozeb ମିଳିତ ଫିମ୍ପିନାଶକ କିମ୍ବା ୪୦୦-ଗ୍ରାମ Carbendazim ଓ Mancozeb ର ମିଳିତ ଫିମ୍ପିନାଶକ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । □ ବର୍ତମାନ ଲାଗିଥିବା କୋବି ଜାତୀୟ ପନିପରିବା କୁ ଥଣ୍ଡା ଦାଉରୁ ରକ୍ଷା କରିବା ପାଇଁ କାଗଜ ଠୁଙ୍ଗା ଦ୍ୱାରା ଘୋଡାଇ ରଖନ୍ତୁ । □ ବର୍ତମାନ ଶୁଖିଲା ପାଗ ରହୁଥିବାରୁ ଚାଷୀ ଭାଇ ମାନେ ଆବଶ୍ୟକ ଥିଲେ ଫସଲରେ ଜଳ ସେଚନର ବ୍ୟବସ୍ଥା କରନ୍ତୁ । □ ଯେଉଁ ଜମି ରେ ଜିଙ୍କ ର ଅଭାବ ଦେଖା ଦେଉଛି , ଜିଙ୍କ ସଲଫେଟ(୨୧%) କୁ ୧୦ କେଲୋଗ୍ରାମ/ଏକର ହିସାବରେ ପ୍ରୟୋଗ କରନ୍ତୁ। □ ପନିପରିବା ତଳି ଘେରାକୁ କମ ତାପମାତ୍ରା ରୁ ରକ୍ଷା କରିବା ପାଇଁ ନଡା ଦ୍ୱାରା ଆଚ୍ଛାଦିକରଣ କରନ୍ତୁ । □ ଆଖୁ ଫସଲରେ ଘାସ ନିୟନ୍ତ୍ରଣ ପାଇଁ ବିହନ ଲଗାଇବାର 3 ଦିନ ମଧ୍ୟରେ ଏକର ପ୍ରତି ୮୦୦-ଗ୍ରାମ Atrazine ନାମକ ଘାସମରା ଔଷଧ କିମ୍ବା ୪୦୦-୫୦୦ ଗ୍ରାମ Metribuzin ନାମକ ଘାସମରା ଔଷଧ ୨୦୦- ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । □ ବର୍ତମାନ ତାପମାତ୍ରା କମ ରହୁଥିବାରୁ କୁକୁଡା ଘରେ ତାପମାତ୍ରା ନିୟନ୍ତ୍ରଣ କରିବା ପାଇଁ କୁକୁଡା ଗୃହ ରେ ଇଲେକଟ୍ରିକ ବଲବ କିମ୍ବା ହିଟର ଲଗାନ୍ତୁ ଓ ପୋଲିଥିନ କିମ୍ବା ଝୋଟ ଅଖା ଦ୍ୱାରା ଆଚ୍ଛାଦିକରଣ କରନ୍ତୁ । |

### ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

| |
|---|
| □ ଧାନ ରେ ମୂଳ ସଢା ରୋଗ ର ପରିଚାଳନା ପାଇଁ ଏକର ପ୍ରତି ୪୦୦-ଗ୍ରାମ Metalaxyl ଓ Mancozeb ମିଳିତ ଫିମ୍ପିନାଶକ କିମ୍ବା ୪୦୦-ଗ୍ରାମ Carbendazim ଓ Mancozeb ର ମିଳିତ ଫିମ୍ପିନାଶକ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |

### ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | □ କାଣ୍ଡବିନ୍ଧା ପୋକ ପ୍ରାରମ୍ଭିକ ଅବସ୍ଥାରେ କାଣ୍ଡବିନ୍ଧା ପୋକ ପ୍ରଜାପତି ଦେଖାଦେଲେ ଏହାର ପରିଚାଳନା ପାଇଁଏକର ପ୍ରତି ଗୋଟିଏ ଲେଖାଏଁ Trichogrammajaponicum କାର୍ଡ ପ୍ରତି ସପ୍ତାହ ଅନ୍ତେରରେ ୬ଥର ବ୍ୟବହାର କରନ୍ତୁ। କାର୍ଡଟିକୁ ନିର୍ଦ୍ଧାରିତ ସ୍ଥାନରେ ଖଣ୍ଡ ଖଣ୍ଡ କରି ୧୨ଟିସ୍ଥାନରେ ଲଗାନ୍ତୁ । ଏହା ସହ ଏକର ପ୍ରତି ୫ଟି pheromone trap ବ୍ୟବହାର କରନ୍ତୁ । ରସାୟନିକ ଉପାୟରେ ଏହି କୀଟର ପରିଚାଳନା ପାଇଁ ଏକର ପ୍ରତି ୮କିଲୋଗ୍ରାମ Cartap hydrochloride ୪G କିମ୍ବା ୪ କିଲୋଗ୍ରାମ Chlorantraniliprole କିମ୍ବା ୬ କିଲୋଗ୍ରାମ Imidacloprid ନାମକ ଦାନାଦାର କୀଟନାଶକ, ସମାନ ଓଜନର ବାଲିସହ ମିଶାଇ ପ୍ରୟୋଗ କରନ୍ତୁ। |
| ବାଦାମ | □ କାଣ୍ଡ ପଚା ରୋଗ ପରିଚାଳନା ଚିନାବାଦାମ ଫସଲରେ କାଣ୍ଡ ପଚା ରୋଗ ର ପରିଚାଳନା ପାଇଁ ଏକର ପ୍ରତି ୪୦୦-ମି.ଲି Validamycin ନାମକ ଫିମ୍ପିନାଶକ କିମ୍ବା ୩୦୦- ଗ୍ରାମ Captan ଓ Hexaconazole ର ମିଶ୍ରିତ ଫିମ୍ପିନାଶକ, ୨୦୦ ଲିଟର ପାଣିରେ ମିଶାଇ ମାଟିକୁ ଭଲ ଭାବରେ ଭିଜାନ୍ତୁ । |
| ମୁଗ | □ ପାଉଁଶିଆ ରୋଗ ମୁଗ ଓ ବିରି ଫସଲରେ ପାଉଁଶିଆ ରୋଗ ର ପରିଚାଳନା ପାଇଁ ଏକର ପ୍ରତି ୮୦୦ ଗ୍ରାମ Sulphur ନାମକ ଫିମ୍ପିନାଶକ କିମ୍ବା ୩୦୦ ମିଲି Hexaconazole ନାମକ ଫିମ୍ପିନାଶକ କିମ୍ବା ୨୦୦ ମିଲି Propiconazole ନାମକ ଫିମ୍ପିନାଶକ କିମ୍ବା ୧୦୦ - ମିଲି Penconazole ନାମକ ଫିମ୍ପିନାଶକ, ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ସୋରିଷ | □ ବର୍ତମାନ ସମୟରେ ସୋରିଷ ଫସଲରେ ଜଉ ପୋକ ବା ବିଚିତ୍ର ବଗ ଲାଗିବାର ସମ୍ଭାବନା ରହିଛି। ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ପିପିଏମ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ। ରସାୟନିକ ଉପାୟରେ ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxamକିମ୍ବା ୫୦ ଗ୍ରାମ Acetamipridକିମ୍ବା ୬୦ ମିଲି Imidachloprid‌ନାମକ କୀଟନାଶକ, ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |

## ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଆଳୁ | □ ଆଳୁ ଫସଲରେ ସଅଳ ପତ୍ର ପୋଡା ରୋଗର ପରିଚାଳନା ପାଇଁ ଏକର ପ୍ରତି ୬୦୦ ଗ୍ରାମ Mancozeb କିମ୍ବା ୪୦୦ ଗ୍ରାମ Carbendazimଓ Mancozeb ର ମିଳିତ ଫିମ୍ପିନାଶକ,୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ। ଆଳୁ ଫସଲରେ ଉଛୁର ପତ୍ର ପୋଡା ରୋଗ ରେ ପରିଚାଳନା ପାଇଁ ଏକର ପ୍ରତି ୪୦୦ ଗ୍ରାମ Metalaxyl ଆଉ Mancozeb ର ମିଳିତ ଫିମ୍ପିନାଶକ,୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ବାଇଗଣ | □ କଙ୍କେଡିଆ ପୋକ ଏହି ପୋକ ର ପରିଚାଳନା ପାଇଁ ପ୍ରଥମେ ଉଭୟ ଭୃଙ୍ଗ ଏବଂ ପୂର୍ଣାଙ୍ଗ ପୋକ କୁ ହାତରେ ଧରି ନଷ୍ଟ କରି ଦିଅନ୍ତୁ କିମ୍ବା କିରୋସିନ ମିଶା ପାଣିରେ ପକେଇ ମାରିଦିଅନ୍ତୁ । କଙ୍କେଡିଆ ପୋକର ପରିଚାଳନା ପାଇଁ ପ୍ରାଥମିକ ଅବସ୍ଥାରେ ପ୍ରତି ଲିଟର ପାଣି ରେ ୩ ମିଲି ନିମ୍ବଜାତୀୟ କୀଟନାଶକ ୧୫୦୦ ପିପିଏମ Azadirachtin କୁ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ଏହି ପୋକ ର ପରିଚାଳନା ପାଇଁ ପ୍ରତି ଲିଟର ପାଣି ରେ ୨ମିଲି Chlorpyriphos ନାମକ କୀଟନାଶକ କିମ୍ବା ୨ମିଲି Profenophos ନାମକ କୀଟନାଶକ, ମିଶାଇ ସିଂଚନ କରନ୍ତୁ । |
| ଭେଣ୍ଡୀ | □ ଖରା ଦିନିଆ ଭେଣ୍ଡି ଚାଷ ପାଇଁ ଏକର ପ୍ରତି ୪ କିଲୋଗ୍ରାମ ଉନ୍ନତ ବିହନ କିସମ କିମ୍ବା ୧.୫ କିଲୋଗ୍ରାମ ଶଙ୍କର ବା ହାଇବ୍ରିଡ ବିହନ ଆବଶ୍ୟକ ହୁଏ । ବିହନ ବୁଣିବା ପୂର୍ବରୁ ୧ କିଲୋଗ୍ରାମ ବିହନ ରେ ୩ଗ୍ରାମ Thiram ସହିତ ୭ ଗ୍ରାମ Imidacloprid ୭୦ % WS କୀଟନାଶକ ମିଶାଇ ବିଶୋଧନ କଲେ ଫସଲ ରେ ରୋଗ ଓ ଶୋଷକ ପୋକର ପ୍ରାଦୁର୍ଭାବ କମିଯାଏ । ବିହନ ଲଗାଇବା ସମୟରେ ଉନ୍ନତ କିସମ ପାଇଁ ମୂଳ ସାର ହିସାବରେ ଏକର ପ୍ରତି ୨୬ କିଲୋଗ୍ରାମ ଡିଏପି, ୨୦ କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ସହତି ୧୦ କିଲୋଗ୍ରାମ ୟୁରିଆ ସାର ପ୍ରୟୋଗ କରି ଧାଡି କୁ ଧାଡି ୩୦ ସେମି ଏବଂ ଗଛ କୁ ଗଛ ୩୦ ସେମି ବ୍ୟବଧାନ ରେ ଲଗାନ୍ତୁ। ଶଙ୍କର ବିହନ ପାଇଁ ଏକର ପ୍ରତି ୩୫ କିଲୋଗ୍ରାମ ଡିଏପି, ୨୫ କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ସହିତ ୨୦ କିଲୋଗ୍ରାମ ୟୁରିଆ ସାର ପ୍ରୟୋଗ କରି କୁ ଧାଡି କୁ ଧାଡି ୬୦ ସେମି ଏବଂ ଗଛ କୁ ଗଛ ୪୫ ସେମି ବ୍ୟବଧାନ ରେ ଲଗାନ୍ତୁ । |
| ବନ୍ଧାକୋବି | □ ଡେରିରେ ଲଗାଯାଇଥିବା କୋବି ଜାତୀୟ ଫସଲରେ ବର୍ତମାନ ସମୟରେ ଠିକିରି ପିଠିଆ ପୋକ ଲାଗିବାର ସମ୍ଭାବନା ଅଛି । ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୧ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦PPM Azadirachtinକୁ ୨୦୦ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ପରିଚାଳନା ପାଇଁ ଏକର ପ୍ରତି ୪୦୦ ମିଲି Tolfenpyradକିମ୍ବା ୨୦ ଗ୍ରାମ Flubendiamide କିମ୍ବା ୮୦ ଗ୍ରାମ Emamectin Benzoate୫% SG ୨୦୦ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ନଡ଼ିଆ | □ ନଡ଼ିଆର ନାଲି ଘୁଣି ପୋକ ଦେଖାଦେଲେ ଗଣ୍ଡିରେ ହୋଇଥିବା କଣାରେ କାର୍ବୋଫ୍ୟୁରାନ୍ ୩% ଜି. + ବାଲି ୧:୧ ଅନୁପାତରେ ମିଶାଇ କଣାକୁ ବନ୍ଦ କରିଦିଅନ୍ତୁ । □ ଗଣ୍ଡାପୋକ ଦେଖାଦେଲେ ନଡିଆ ବଗିଚା ପାଖରେ ଥିବା ଖତଗଦାକୁ ସଫା କରନ୍ତୁ ଓ କ୍ଲୋରପାଇରିଫସ୍ ୧.୫% ଗୁଣ୍ଡ ପକାଇ ବିଶୋଧନ କରନ୍ତୁ । |
| | □ ଗୋଲାପ ଗଛ ରେ ଉକୁଣିଆ ପୋକ ଆକ୍ରମଣ ଦେଖାଦେଲେ ପ୍ରତି ଲିଟର ପାଣିରେ Fenpyroximate ୫% EC @ ୨ ମିଲି କିମ୍ବା Abamactin @୧ ମିଲି ମିଶାଇ ସିଞ୍ଚନ କରନ୍ତୁ । |

## ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ମତ୍ସ୍ୟ ପାଳନ | ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଇଣ୍ଡିଆନ ମେଜର କାର୍ପ | □ ବର୍ତମାନ ପୋଖରେ ଉପର ସ୍ତର ଜଳର ତାପମାତ୍ରା ତଳ ସ୍ତର ଅପେକ୍ଷା ଥଣ୍ଡା ରହୁଥିବାରୁ ମାଛ ମାନେ ତଳ ସ୍ତରରେ ରହିବାକୁ ପସନ୍ଦ କରନ୍ତି । ତେଣୁ ଜଳର ଗଭୀରତାକୁ ୬ଫୁଟ ପର୍ଯ୍ୟନ୍ତ ରଖିବା ଉଚିତ୍, ଯାହା ଦ୍ୱାରା ଏହା ଉଷ୍ମ ତଳ ସ୍ତରରେ ହାଇବରନେଟ୍ ପାଇଁ ପର୍ଯ୍ୟାପ୍ତ ସ୍ଥାନ ପାଇବ । |

### ଆବହାବିକ ସତର୍କତାର ସମ୍ଭାବ୍ୟ ପ୍ରଭାବ (ସାଧାରଣ):

| |
|---|
| ନାହିଁ |

### ପ୍ରଭାବ ଆଧାରିତ ପରାମର୍ଶ (ସାଧାରଣ):

| |
|---|
| ନାହିଁ |

**Farmers are advised to download Unified �Mausam� and "Meghdoot" android application on mobile for Weather forecast and weather based Agromet Advisories and "Damini" android application for forecast of Thunderstorm and lightening.**

**Mausam MobileApp link: https://play.google.com/store/apps/details/**

**Meghdoot MobileApp link: https://play.google.com/store/apps/details**

**Damini MobileApp link : https://play.google.com/store/apps/details**